ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1146/28-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୮ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ମହାନ ସ୍ୱାଧୀନତା ସଂଗ୍ରାମୀ ଓ ଦେଶପ୍ରେମୀ ପଞ୍ଜାବକେଶରୀ ଲାଲା ଲଜପତ ରାୟଙ୍କୁ ତାଙ୍କ ଜୟନ୍ତୀ ଅବସରରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ସେ ଜଣେ ରାଷ୍ଟ୍ରବାଦୀ ନେତା ଓ ସ୍ୱଦେଶୀ ଆନ୍ଦୋଳନର ଦୃଢ଼ ପ୍ରଚାରକ ଥିଲେ ଏବଂ ତାଙ୍କ ଗଭୀର ଦେଶପ୍ରେମ ଓ ତ୍ୟାଗ ପ୍ରେରଣା ଯୋଗାଉଥିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋଭିଡ୍ ସ୍ଥିତିରେ ମାଟ୍ରିକ ପରୀକ୍ଷାର୍ଥୀଙ୍କ ସୁବିଧା ପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ, ଓଡ଼ିଶା ପକ୍ଷରୁ 'ପରୀକ୍ଷା ଦର୍ପଣ' ପୁସ୍ତିକା ଉନ୍ମୋଚିତ ହୋଇଛି । ଫେବୃଆରୀ ୧୫ ତାରିଖ ସୁଦ୍ଧା ସମସ୍ତ ଛାତ୍ରଛାତ୍ରୀଙ୍କୁ ବିନା ମୂଲ୍ୟରେ ଏହି ପୁସ୍ତକ ଯୋଗାଇ ଦେବାକୁ ଲକ୍ଷ୍ୟ ରହିଥିବାବେଳେ ପ୍ରଥମ ପର୍ଯ୍ୟାୟରେ ୪ ଜିଲ୍ଲାକୁ ପୁସ୍ତକ ପଠାଯାଇଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଜୟପୁର ଉପକାରାଗାରରେ କଏଦୀମାନଙ୍କୁ ସ୍ୱାବଲମ୍ବୀ ହେବାର ମାର୍ଗ ଦେଖାଇବା ସହ ବିଭିନ୍ନ ସଂସ୍କାରମୂଳକ ପଦକ୍ଷେପ ନେଇ ଜେଲ କର୍ତ୍ତୃପକ୍ଷ ଭିନ୍ନ ଉଦାହରଣ ସୃଷ୍ଟି କରିଛନ୍ତି । କଏଦୀମାନଙ୍କୁ ସୁଧାରିବା ଦିଗରେ ଏପରି ପ୍ରୟାସ ବାସ୍ତବିକ ପ୍ରଶଂସନୀୟ ବୋଲି ସେ ଉଲ୍ଲେଖ କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧରାତ୍ରି ସୁଦ୍ଧା ଓଡ଼ିଶାରେ ୭୬,୩୫,୮୮୭ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୪,୭୮୦ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୧,୬୬୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୬ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୧,୧୫୪ ରହିଛି ।
- ୧,୧୫୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**